ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୨୭ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୮୩୩୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୮ ଜଣ ।

ଅନୁଗୋଳ, ତା,୨୫.୧୦:-ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୨୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୩୩ ରେ ରହିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଆଁରପାଳ ବ୍ଲକ୍ ଅଂଚଳରୁ ୩୧ଜଣ ( ୧୮ଜଣ ପୁରୁଷ ଓ ୧୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୪ଜଣ ( ୧୮ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୬ଜଣ ( ୧୪ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୪ଜଣ( ୯ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୨ ଜଣ ( ୯ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ ଜଣ (୭ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୭ଜଣ (୪ ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ)ଓ କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୮ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୫ଜଣ କୋଭିଡ ହସପିଟାଲରୁ ଓ ୧୦୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୦୦ ତା.୨୫.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ